# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

### 24th January - 2025

***********************************

*Desk*

## ପି.ଏମ୍. - ଏନ୍.ସି.ସି.

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆଜି ନୂଆଦିଲ୍ଲୀରେ ଏନ୍‌ସିସି କ୍ୟାଡେଟ, ଏନ୍‌ଏସ୍‌ଏସ୍ ସ୍ୱେଚ୍ଛାସେବୀ ୟୁଥ୍ ଏକ୍ସଚେଞ୍ଜ କାର୍ଯ୍ୟକ୍ରମର କ୍ୟାଡେଟ, ପ୍ରଜ୍ଞାପନ ମେଢ଼ କଳାକାର ଏବଂ ଆଦିବାସୀ ଅତିଥିମାନଙ୍କ ସହ ଭାବ ବିନିମୟ କରିବେ । ଚଳିତବର୍ଷ ସାଧାରଣତନ୍ତ୍ର ଦିବସ ପରେଡ୍‌ରେ ବିଭିନ୍ନ ରାଜ୍ୟ, କେନ୍ଦ୍ରଶାସିତ ଅଞ୍ଚଳ ଏବଂ କେନ୍ଦ୍ର ସରକାରଙ୍କ ବିଭିନ୍ନ ମନ୍ତ୍ରଣାଳୟ ଓ ବିଭାଗର ୩୧ଟି ପ୍ରଜ୍ଞାପନ ମେଢ଼ ପ୍ରଦର୍ଶିତ ହେବ ।

*BBSR/R*

## ପ୍ରାକ୍ ବଜେଟ୍ ପ୍ରସ୍ତୁତି ବୈଠକ

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ଅଧକ୍ଷତାରେ ଆଜି ଭୁବନେଶ୍ୱର ଲୋକସେବା ଭବନରେ ପ୍ରାକ୍-ବଜେଟ୍ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହେବ । ବୈଠକରେ ଅର୍ଥନୈତିକ ବିଶେଷଜ୍ଞ ଏବଂ ପୂର୍ବତନ ଅର୍ଥମନ୍ତ୍ରୀମାନେ ଯୋଗଦେବେ ବୋଲି ଜଣାପଡ଼ିଛି । ୨୦୨୫-୨୬ ଆର୍ଥିକ ବର୍ଷପାଇଁ

ଆସନ୍ତାମାସ ୧୩ ତାରିଖରୁ ବିଧାନସଭା ଅଧିବେଶନ ଆରମ୍ଭ ହେବ । ୧୭ ତାରିଖରେ ଅର୍ଥ ବିଭାଗ ଦାୟିତ୍ୱରେ ଥିବା ମୁଖ୍ୟମନ୍ତ୍ରୀ ବଜେଟ୍ ଉପସ୍ଥାପନ କରିବେ ।

***BBSR/R***

# ମୁଖ୍ୟମନ୍ତ୍ରୀଙ୍କ ଅଭିଯୋଗ ଶୁଣାଣି ବନ୍ଦ

ମୁଖ୍ୟମନ୍ତ୍ରୀଙ୍କ ଜନ ଅଭିଯୋଗ ଶୁଣାଣି ଆସନ୍ତା ସୋମବାର ୨୭ ତାରିଖ ଦିନ ବନ୍ଦ ରହିବ । ମୁଖ୍ୟମନ୍ତ୍ରୀଙ୍କ କେତେକ ଗୁରୁତ୍ୱପୂର୍ଣ୍ଣ କାର୍ଯ୍ୟ ଥିବାରୁ ଭୁବନେଶ୍ୱରସ୍ଥିତ ମୁଖ୍ୟମନ୍ତ୍ରୀଙ୍କ ଅଭିଯୋଗ ପ୍ରକୋଷ୍ଠରେ ଶୁଣାଣି ବନ୍ଦ ରହିବ ବୋଲି ସାଧାରଣ ପ୍ରଶାସନ ଓ ସାଧାରଣ ଅଭିଯୋଗ ବିଭାଗ ପକ୍ଷରୁ ସୂଚନା ଦିଆଯାଇଛି ।

***Desk***

# ପି.ଏମ୍. ଆବାସ ଯୋଜନା ସର୍ଭେ

ରାଜ୍ୟରେ ଥିବା ବାସହୀନ ଯୋଗ୍ୟ ହିତାଧିକାରୀମାନଙ୍କୁ ପ୍ରଧାନମନ୍ତ୍ରୀ ଆବାସ ଗ୍ରାମୀଣ ଯୋଜନାରେ ଘର ଯୋଗାଇଦେବା ପାଇଁ ଆଜିଠାରୁ ସର୍ଭେ ଆରମ୍ଭ ହେଉଛି। ଏହି ପରିପ୍ରେକ୍ଷୀରେ ପଞ୍ଚାୟତିରାଜ ମନ୍ତ୍ରୀ ରବିନାରାୟଣ ନାଏକ ଆଜି ପୁରୀ ଜିଲ୍ଲା ଅର୍ଜୁନସିଂପୁର ଗ୍ରାମର ହିତାଧିକାରୀମାନଙ୍କ ସହ

ଆଲୋଚନା କରିବେ । ଆବସ ଯୋଜନା ସମ୍ପର୍କିତ ସହାୟତାପାଇଁ ସରକାରଙ୍କ ପକ୍ଷରୁ ଟୋଲ୍‌ଫ୍ରି ନମ୍ବର ୦୬୭୪-୬୮୧୭୭୭୭ ଜାରି କରାଯାଇଛି ।

***IPR***

## ଉନ୍ନୟନ କମିଶନର - ସମ୍ବଲପୁର

ରାଜ୍ୟ ଉନ୍ନୟନ କମିଶନର ଅନୁ ଗର୍ଗ ସମ୍ବଲପୁର ଓ ବରଗଡ଼ ଜିଲ୍ଲା ଗସ୍ତ କରି ବିଭିନ୍ନ ଜଳସେଚନ ପ୍ରକଳ୍ପର ଅଗ୍ରଗତି କାର୍ଯ୍ୟ ସମୀକ୍ଷା କରିଛନ୍ତି । ଏହି ପରିପ୍ରେକ୍ଷୀରେ ଶ୍ରୀମତୀ ଗର୍ଗ କେତେକ ପାଣିପଞ୍ଚାୟତର କର୍ମକର୍ତ୍ତାଙ୍କ ସହ ଏହାର ପରିଚାଳନା ସମ୍ପର୍କରେ ଆଲୋଚନା କରିଛନ୍ତି ।

***Desk***

## ଜାତୀୟ ଶିକ୍ଷାନୀତି କର୍ମଶାଳା

ଜାତୀୟ ଶିକ୍ଷାନୀତି ୨୦୨୦ର କାର୍ଯ୍ୟକାରିତା ନେଇ ଅନୁଷ୍ଠିତ କର୍ମଶାଳା ଗତକାଲି ଉଦ୍‌ଯାପିତ ହୋଇଯାଇଛି । ଭୁବନେଶ୍ୱର ଆଞ୍ଚଳିକ ଶିକ୍ଷା ପ୍ରତିଷ୍ଠାନରେ ଆୟୋଜିତ କର୍ମଶାଳାରେ ମୂଲ୍ୟାଙ୍କନ, ପରୀକ୍ଷା ସଂସ୍କାର, ଶିକ୍ଷକ ଶିକ୍ଷା, ଦକ୍ଷତା ବିକାଶ, ପ୍ରଯୁକ୍ତିବିଦ୍ୟା ଆଦି ବିଷୟରେ ବିଶେଷଜ୍ଞମାନେ ଆଲୋଚନା କରିଥିଲେ ।

***Desk***

# ରେଳ ପ୍ରକଳ୍ପ

ଖୋର୍ଦ୍ଧାରୋଡ୍-ବଲାଙ୍ଗିର ରେଳଲାଇନ୍ ପ୍ରକଳ୍ପ ଗୁରୁତ୍ୱପୂର୍ଣ୍ଣ ଅଗ୍ରଗତି ହାସଲ କରିଛି । ପ୍ରକଳ୍ପର ଦଶପଲ୍ଲା ଏବଂ ଆଢେଣିଗଡ଼ ମଧ୍ୟରେ ଥିବା ରେଳ ସେକ୍ସନ୍ ପାଇଁ ଦ୍ୱିତୀୟ ପର୍ଯ୍ୟାୟ ଜଙ୍ଗଲ ଅନୁମୋଦନ ମିଳିଛି । ଏହି ଅନୁମୋଦନ ପ୍ରକଳ୍ପକୁ ସର୍ବନିମ୍ନ ପରିବେଶଗତ ପ୍ରଭାବ ସହିତ ଆଗକୁ ବଢ଼ିବାକୁ ସ୍ୱୀକୃତି ଦେଇଛି । ବର୍ତ୍ତମାନ ସୁଦ୍ଧା ପ୍ରକଳ୍ପର ୩୦୧ କିଲୋମିଟର ରେଳଲାଇନ୍ ମଧ୍ୟରୁ ୨୨୬ କିଲୋମିଟର ରେଳମାର୍ଗ ସମ୍ପୂର୍ଣ୍ଣ ହୋଇଛି ।

***Puri/R***

# ସାଧାରଣତନ୍ତ୍ର ଦିବସ - ନିମନ୍ତ୍ରଣ

ସାଧାରଣତନ୍ତ୍ର ଦିବସ ଉପଲକ୍ଷେ ନୂଆଦିଲ୍ଲୀରେ ଅନୁଷ୍ଠିତ ହେବାକୁ ଥିବା ଜାତୀୟସ୍ତରୀୟ ସମାରୋହରେ ପୁରୀ ଜିଲ୍ଲା ସାକ୍ଷୀଗୋପାଳ ଅଞ୍ଚଳର ଚନ୍ଦ୍ରଶେଖର ସାହୁଙ୍କୁ ନିମନ୍ତ୍ରିତ ଅତିଥି ଭାବେ ଯୋଗଦେବାପାଇଁ ସୁଯୋଗ ମିଳିଛି । ପି.ଏମ୍. ବିଶ୍ୱକର୍ମା ଯୋଜନାର ହିତାଧିକାରୀ ଶ୍ରୀ ସାହୁ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କୁ କୃତଜ୍ଞତା ଜଣାଇଛନ୍ତି ।

***Voice :........***

***Desk***

# ବକ୍ସି - ପୁଣ୍ୟତିଥି

ମହାନ୍ ବିପ୍ଲବୀ ସହିଦ ବକ୍ସି ଜଗବନ୍ଧୁଙ୍କ ପୁଣ୍ୟତିଥିରେ ଆଜି ଭୁବନେଶ୍ୱରରେ ସ୍ୱତନ୍ତ୍ର କାର୍ଯ୍ୟକ୍ରମ ଅନୁଷ୍ଠିତ ହେଉଛି । ଜୟଦେବ ଭବନରେ ରାଜ୍ୟସ୍ତରୀୟ କାର୍ଯ୍ୟକ୍ରମରେ ଆଇନ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ଯୋଗଦେବେ ।

***Desk***

# କନ୍ୟା ଦିବସ

ସମାଜରେ ଝିଅମାନଙ୍କ ଅଧିକାର, ଶିକ୍ଷା, ସ୍ୱାସ୍ଥ୍ୟ ଏବଂ ସୁରକ୍ଷା ଦିଗରେ ସଚେତନତା ସୃଷ୍ଟି ଉଦ୍ଦେଶ୍ୟରେ ଆଜି ଜାତୀୟ କନ୍ୟାଦିବସ ପାଳନ କରାଯାଉଛି । ଚଳିତ ବର୍ଷ ଉଜ୍ଜ୍ୱଳ ଭବିଷ୍ୟତ ପାଇଁ କନ୍ୟାମାନଙ୍କର ସଶକ୍ତୀକରଣ ବାର୍ତ୍ତା ନେଇ ଏହି ଦିବସ ପାଳନ କରାଯାଉଛି ।

***Desk***

# ହକି ଇଣ୍ଡିଆ ଲିଗ୍

ଓଡ଼ିଶା ୱାରିୟର୍ସ ପ୍ରଥମ ଦଳ ଭାବେ ମହିଳା ହକି ଇଣ୍ଡିଆ ଲିଗ୍‌ର ଫାଇନାଲ୍‌ରେ ପ୍ରବେଶ କରିଛି । ଗତକାଲି ଝାଡ଼ଖଣ୍ଡର ରାଞ୍ଚିରେ ଅନୁଷ୍ଠିତ

ମ୍ୟାଚ୍‌ରେ ଦିଲ୍ଲୀ ଏସ୍.ଜି. ପାଇପର୍ସଠାରୁ ସୁଟ୍‌ଆଉଟ୍‌ରେ ୩-୨ ଗୋଲ୍‌ରେ ପରାସ୍ତ ହୋଇଥିଲେ ମଧ୍ୟ ଓଡ଼ିଶା ୱାରିୟର୍ସ ଏହି ଯୋଗ୍ୟତା ହାସଲ କରିଛି ।

ଅନ୍ୟପକ୍ଷରେ ରାଉରକେଲାର ବିର୍ସାମୁଣ୍ଡା ଷ୍ଟାଡିୟମ୍‌ରେ ପୁରୁଷ ବର୍ଗରେ ଖେଳାଯାଇଥିବା ମ୍ୟାଚ୍‌ରେ ତାମିଲ୍‌ନାଡୁ ଡ୍ରାଗନ୍ସ ୪-୩ ଗୋଲ୍‌ରେ ହାଇଦ୍ରାବାଦ ତୋଫାନ୍ସକୁ ପରାସ୍ତ କରିଛି ।

ରାଞ୍ଚିରେ ଆଜି ସନ୍ଧ୍ୟା ୬ଟାରେ ମହିଳା ବର୍ଗରେ ସୁର୍‌ମା ହକି କ୍ଲବ୍ ଓ ବେଙ୍ଗଲ୍ ଟାଇଗର୍ସ ମଧ୍ୟରେ ଏବଂ ପୁରୁଷ ବର୍ଗରେ ରାତି ୮ଟା ୧୫ ମିନିଟ୍‌ରେ ବେଙ୍ଗଲ୍ ଟାଇଗର୍ସ ଓ କଳିଙ୍ଗ ଲାନ୍ସର୍ସ ମଧ୍ୟରେ ମୁକାବିଲା ହେବ ।

***Desk***

## ପାଣିପାଗ

ରାଜ୍ୟର ଶୀତର ପ୍ରଭାବ ହ୍ରାସ ପାଇଛି । ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ରର ସୂଚନା ଅନୁସାରେ ଉଷ୍ମ ଜଳୀୟ ବାଷ୍ପପୂର୍ଣ୍ଣ ବାୟୁ ପ୍ରବେଶ କରିଥିବାରୁ ତାପମାତ୍ରା ବୃଦ୍ଧି ପାଇବା ସହ ଶୀତ କମ୍ ହୋଇଛି । ତେବେ ଆଗାମୀ ୨ ଦିନ ମଧ୍ୟରେ ତାପମାତ୍ରାରେ ବିଶେଷ ପରିବର୍ତ୍ତନ ହେବ ନାହିଁ । ଅପରପକ୍ଷରେ ଘଡ଼ଘଡ଼ି ହେବା ନେଇ ୬ଟି ଜିଲ୍ଲାପାଇଁ ସତର୍କ ସୂଚନା ଜାରି କରାଯାଇଛି ।

*****